ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Forest & Env (OD))/956/29-12-2020**

# ନନ୍ଦନକାନନ ପ୍ରାଣୀ ଉଦ୍ୟାନର ୬୧ତମ ପ୍ରତିଷ୍ଠା ଦିବସ ପାଳିତ
## 'ଆସନ୍ତା ୨୦ ବର୍ଷ ପାଇଁ ୬୦୦ କୋଟି ଟଙ୍କାର ମାଷ୍ଟରପ୍ଲାନ୍'
## : ଜଙ୍ଗଲ ମନ୍ତ୍ରୀ ଶ୍ରୀ ଆରୁଖ

ଭୁବନେଶ୍ୱର, ୨୯/୧୨/୨୦୨୦

ନନ୍ଦନକାନନ ପ୍ରାଣୀ ଉଦ୍ୟାନର ଉନ୍ନତିକଳ୍ପେ ୬୦୦ କୋଟି ଟଙ୍କାର ମାଷ୍ଟରପ୍ଲାନ୍ ପ୍ରସ୍ତୁତ କରାଯାଇ କେନ୍ଦ୍ରୀୟ ଚିଡ଼ିଆଖାନା ପ୍ରାଧିକରଣ କର୍ତ୍ତୃପକ୍ଷଙ୍କ ନିକଟକୁ ଅନୁମୋଦନ ପାଇଁ ପଠାଯାଇଛି । ଆସନ୍ତା ୨୦ ବର୍ଷ ମଧ୍ୟରେ ଏହି ଅର୍ଥରାଶି ବିନିଯୋଗ ହୋଇ ନନ୍ଦନକାନନକୁ ବିଶ୍ୱସ୍ତରୀୟ ଚିଡ଼ିଆଖାନାରେ ପରିଣତ କରାଯିବ ବୋଲି ଜଙ୍ଗଲ ଓ ପରିବେଶ ମନ୍ତ୍ରୀ ଶ୍ରୀ ବିକ୍ରମ କେଶରୀ ଆରୁଖ ପ୍ରକାଶ କରିଛନ୍ତି ।

ଆଜି ପୂର୍ବାହ୍ନରେ ନନ୍ଦନକାନନ ପରିସରରେ ନନ୍ଦନକାନନ ପ୍ରାଣୀ ଉଦ୍ୟାନର ୬୧ତମ ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି । ଏଥିରେ ମୁଖ୍ୟ ଅତିଥିଭାବେ ଯୋଗଦେଇ ମନ୍ତ୍ରୀ ଶ୍ରୀ ଆରୁଖ କହିଲେ ଯେ ଆଜିକୁ ଠିକ୍ ୬୦ ବର୍ଷ ତଳେ ୧୯୬୦ ମସିହା ଡିସେମ୍ବର ୨୯ ତାରିଖରେ ନନ୍ଦନକାନନ ପ୍ରତିଷ୍ଠା ହୋଇଥିଲା । ନନ୍ଦନକାନନର ଶୁଭାରମ୍ଭ ୩.୬୨ ବର୍ଗ କିଲୋମିଟର ଅଞ୍ଚଳରେ ହୋଇଥିଲାବେଳେ ଆଜି ଏହାର ପରିସର ୧୦୪୩.୩୨ ହେକ୍ଟରକୁ ବୃଦ୍ଧି ପାଇଛି । ୧୧ଟି ପ୍ରାଣୀଙ୍କୁ ନେଇ ଆରମ୍ଭ ହୋଇଥିବା ଏହି ଚିଡ଼ିଆଖାନାରେ ଆଜି ୩ ହଜାର ୭୮୭ ବନ୍ୟ ପଶୁପକ୍ଷୀ, ସରିସୃପ, ଉଭୟଚର ପ୍ରାଣୀ ୨୧୨ଟି ଖୁଆଡରେ ରହିଛନ୍ତି । 'କେନ୍ଦ୍ରୀୟ ଚିଡ଼ିଆଖାନା ପ୍ରାଧିକରଣ'ର ସମସ୍ତ ନିୟମାବଳୀ ଦ୍ୱାରା ପରିଚାଳିତ ହୋଇ ବିଶ୍ୱସ୍ତରୀୟ ଚିଡ଼ିଆଖାନା ଭାବେ ବିକଶିତ ହେବା ପାଇଁ ଦେଶର ୭୨ଟି ଚିଡିଆଖାନା ମଧ୍ୟରୁ ୧୫ଟି ବଛାଯାଇଥିବା ଚିଡ଼ିଆଖାନା ମଧ୍ୟରେ ଏହା ସ୍ଥାନ ପାଇଛି । ନନ୍ଦନକାନନର ୨୭୦ରୁ ଊର୍ଦ୍ଧ୍ୱ ବନ୍ୟଜନ୍ତୁଙ୍କୁ ପୋଷ୍ୟ ଭାବରେ ଗ୍ରହଣ କରାଯାଇଛି । ଏଥିରୁ ପ୍ରାୟ ୩୦ ଲକ୍ଷ ଟଙ୍କାର ରାଜସ୍ୱ ମିଳିଛି । ଚଳିତ ବର୍ଷ ଗଧିଆ ଖୁଆଡ଼, ନୂତନ ବିଦେଶୀ ମାଙ୍କଡ଼ ଖୁଆଡ଼ ନିର୍ମିତ ହୋଇ ଦର୍ଶକମାନଙ୍କ ଉଦ୍ଦେଶ୍ୟରେ ଉତ୍ସର୍ଗ କରାଯାଇଛି । ଏ ବର୍ଷ ୩୫ କୋଟି ଟଙ୍କା ବ୍ୟୟରେ ବହୁତଳବିଶିଷ୍ଟ ମଟରଯାନ ରହଣି ସ୍ଥଳ, ୫ କୋଟି ଟଙ୍କା ବ୍ୟୟରେ ଶିଶୁ ରେଳଗାଡ଼ିର ପୁନରୁଦ୍ଧାର କାର୍ଯ୍ୟ ଚାଲୁରହିଛି । ୨୦ ଲକ୍ଷ ଟଙ୍କା ବ୍ୟୟରେ ପର୍ଯ୍ୟଟକମାନଙ୍କ ପାଇଁ ନୂତନ ପ୍ରସ୍ଥାନ ବାଟ ଓ ୭୪ ଲକ୍ଷ ଟଙ୍କା ବ୍ୟୟରେ ନୂତନ ସଫାରୀ ବସ୍‌ଷ୍ଟାଣ୍ଡ ନିର୍ମାଣ କରାଯାଇଛି । ସଂପୂର୍ଣ୍ଣ ନୂତନ ଓ ଆଧୁନିକ ଯନ୍ତ୍ରପାତି ସହିତ ପଶୁ ଚିକିତ୍ସାଳୟ, ଆଇସୋଲେସନ ଗୃହ, କ୍ୱାରାଣ୍ଟାଇନ୍ ଗୃହ, ପରୀକ୍ଷାଗାର ଓ ଅସ୍ତ୍ରୋପଚାର ଗୃହ ପଶୁପକ୍ଷୀଙ୍କ ସ୍ୱାସ୍ଥ୍ୟସେବାର ନୂତନ ଦିଗନ୍ତ ସୃଷ୍ଟି କରିଛି । ଅଭିଜ୍ଞ ପଶୁଡାକ୍ତରମାନଙ୍କ ଦ୍ୱାରା ଏହି ଚିକିତ୍ସାଳୟରେ ୨୪ ଘଣ୍ଟିଆ ପ୍ରାଣୀସେବା ଉପଲବ୍ଧ ହେଉଛି । ପଶୁମାନଙ୍କ ଖାଦ୍ୟର ନିରବଚ୍ଛିନ୍ନ ଉତ୍ପାଦନ ପାଇଁ ଘାସଚାଷ, ଜୀବନ୍ତ ପ୍ରାଣୀ ଉତ୍ପାଦନ କେନ୍ଦ୍ର ଓ ଏକ ବଧଗୃହ ନିର୍ମିତ ହୋଇଛି । ଆଗାମୀ ଦିନରେ ଅନ୍ୟାନ୍ୟ ଚିଡ଼ିଆଖାନାରୁ ଗଧିଆ, ବଳିଆ କୁକୁର, ଜିରାଫ, ଜେବ୍ରା, ଗଣ୍ଡା,

ଆସାମୀ ମାଙ୍କଡ଼, ପିଗ୍‌ଟେଲ୍ ମାଙ୍କଡ଼, ଷ୍ଟମ୍ପଟେଲ୍ ମାଙ୍କଡ଼, ବବୁନ୍ ମାଙ୍କଡ଼, ଗିବନ୍ ଇତ୍ୟାଦି ଅଣାଯିବ ବୋଲି ମନ୍ତ୍ରୀ ଶ୍ରୀ ଆରୁଖ ସୂଚନା ଦେଇଥିଲେ ।

ଜଟଣୀ ବିଧାୟକ ଶ୍ରୀ ସୁରେଶ କୁମାର ରାଉତରାୟ, ଭୁବନେଶ୍ୱର (ଉତ୍ତର) ବିଧାୟକ ଶ୍ରୀ ସୁଶାନ୍ତ କୁମାର ରାଉତ, ଅତିରିକ୍ତ ମୁଖ୍ୟ ଶାସନ ସଚିବ (ଜଙ୍ଗଲ ଓ ପରିବେଶ) ଡ. ମୋନା ଶର୍ମା, ପ୍ରଧାନ ମୁଖ୍ୟ ବନ ସଂରକ୍ଷକ ଶ୍ରୀ ସନ୍ଦୀପ ତ୍ରିପାଠୀ, ପ୍ରଧାନ ମୁଖ୍ୟ ବନ ସଂରକ୍ଷକ (ବନ୍ୟପ୍ରାଣୀ) ଶ୍ରୀ ହରିଶଂକର ଉପାଧ୍ୟାୟ, ନନ୍ଦନକାନନ ନିର୍ଦ୍ଦେଶକ ଶ୍ରୀ ଶଶୀ ପଲ୍, ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଓଡିଶା ସର୍କଲର ମୁଖ୍ୟ ମହାପ୍ରବନ୍ଧକ ରୁମା ଦେ, ଜିନ୍ଦଲ ଷ୍ଟିଲ୍‌ର ଆସୋସିଏଟ୍ ଭାଇସ୍ ପ୍ରେସିଡେଣ୍ଟ୍ ଶ୍ରୀ ରାକେଶ ମିଶ୍ର ପ୍ରମୁଖ ଯୋଗ ଦେଇ ନନ୍ଦନକାନନର ଶ୍ରୀବୃଦ୍ଧି ଉପରେ ସୁଚିନ୍ତିତ ମତାମତ ଦେଇଥିଲେ ।

୨୦ ଲକ୍ଷ ଟଙ୍କା ବ୍ୟୟରେ ପର୍ଯ୍ୟଟକମାନଙ୍କ ପାଇଁ ନୂତନ ପ୍ରସ୍ଥାନ ବାଟ ଓ ୭୪ ଲକ୍ଷ ଟଙ୍କା ବ୍ୟୟରେ ନୂତନ ସଫାରୀ ବସ୍‌ଷ୍ଟାଣ୍ଡ ମନ୍ତ୍ରୀ ଶ୍ରୀ ଆରୁଖଙ୍କ ଦ୍ୱାରା ଉଦ୍‌ଘାଟିତ ହୋଇଥିଲା । ସେଫ ବାଘ ଓ ସ୍ନେହା ବାଘୁଣୀଙ୍କ ଦୁଇ ଶାବକ ଲବ ଓ କୁଶ ନାମରେ ନାମିତ ହୋଇଥିଲେ । ନନ୍ଦନକାନନ ବାର୍ଷିକ ବିବରଣୀ ୨୦୧୯-୨୦, ପର୍ଯ୍ୟଟକମାନଙ୍କ ପାଇଁ ନୂତନ ବ୍ରୋସିଅର୍ ଓ ସୁଦୃଶ୍ୟ କ୍ୟାଲେଣ୍ଡର୍‌କୁ ମନ୍ତ୍ରୀ ଶ୍ରୀ ଆରୁଖ ଉନ୍ମୋଚନ କରିଥିଲେ ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ